# DIRECTORATE OF HANDICRAFTS, ODISHA

**1st FLOOR, HEADS OF DEPARTMENT BUILDING, UNIT - V, BHUBANESWAR-1**

Tele-Fax: 0674-2396745 E-mail ID: dhciori@gmail.com;


Letter No. 4570/ DH, BBSR. Dated, the 03-09- 2024.

DHCI-SCH-MISC-0056-2024

To

The Dy. Director (Advt.) & Dy. Secretary to Govt.,
I & PR Department, Odisha,
Bhubaneswar.

Sub: Release of advertisement of Handicrafts Scheme.

Sir,

In enclosing herewith the soft & hard copy of the advertisement, I am to request you to release the advertisement in three leading Odia dailies (All Odisha Editions) limited to 200 sq. cm. (Black & White) inner page. The advisers may be advised to submit the bills in duplicate to this Directorate through I&PR Department. The advertisement may please be published on **04.09.2024** positively.

Yours faithfully,

Encl: As above.

3.9.24

Joint Director (H)

# ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ବିଭାଗ, ଓଡ଼ିଶା ସରକାର

## ହସ୍ତଶିଳ୍ପ ନିର୍ଦ୍ଦେଶାଳୟ, ଓଡ଼ିଶା

୨୦୨୪-୨୫ ଆର୍ଥିକ ବର୍ଷରେ ହସ୍ତଶିଳ୍ପ କାରିଗରମାନଙ୍କର ଉନ୍ନତି ନିମନ୍ତେ ଉପଯୁକ୍ତ କାରିଗରମାନଙ୍କ ଠାରୁ ନିମ୍ନଲିଖିତ ଯୋଜନାରେ ତା.**୩୦.୦୯.୨୦୨୪**ରିଖ ସୁଦ୍ଧା ଅନଲାଇନ୍ ମାଧ୍ୟମରେ ଦରଖାସ୍ତ ଆହ୍ୱାନ କରାଯାଉଅଛି ।

| କ୍ର. ସଂ | ଯୋଜନାର ନାମ | ଯୋଜନା ସମ୍ବନ୍ଧୀୟ ସଂକ୍ଷିପ୍ତ ସୂଚନା |
|---|---|---|
| ୧. | ସାମର୍ଥ୍ୟ ବୃଦ୍ଧି (Capacity Building) | |
| | (କ) ଗୁରୁଶିଷ୍ୟ ପରମ୍ପରା ତାଲିମ (GSP Training) | ଜାତୀୟ ହସ୍ତଶିଳ୍ପ ପୁରସ୍କାର ପ୍ରାପ୍ତ / ଜାତୀୟ ହସ୍ତଶିଳ୍ପ ମେରିଟ ପୁରସ୍କାର ପ୍ରାପ୍ତ / ରାଜ୍ୟ ହସ୍ତଶିଳ୍ପ ପୁରସ୍କାର ପ୍ରାପ୍ତ / ରାଜ୍ୟ ହସ୍ତଶିଳ୍ପ ମେରିଟ ପୁରସ୍କାର ପ୍ରାପ୍ତ ଓ ରାଜ୍ୟ ହସ୍ତଶିଳ୍ପ ନମୂନା ପୁରସ୍କାର ପ୍ରାପ୍ତ ବ୍ୟକ୍ତି ବିଶେଷଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ (ଗୁରୁ ଭାବରେ) ୧୫ ଜଣ କାରିଗରଙ୍କୁ ତାଲିମ ପ୍ରଦାନ । ଶିକ୍ଷାର୍ଥୀ ଅନ୍ୟୁନ ଓଡିଆ ଭାଷାରେ ଲେଖା ଏବଂ ପଢା ଜାଣିଥିବେ ଓ ୧୮ ରୁ ୫୦ ବର୍ଷ ବୟସ ମଧ୍ୟରେ ହୋଇଥିବେ । ସେମାନେ ୬ ମାସ କିମ୍ବା ଅଧିକ ଅବଧିର ପ୍ରାଥମିକ ତାଲିମ ନେଇଥିବେ କିମ୍ବା ଅନ୍ୟୁନ ୩ ବର୍ଷ କାମ କରିବାର ଅଭିଜ୍ଞତା ଥିବ । ଗୁରୁଙ୍କ ମାସିକ ପାରିତୋଷିକ ଟ.୩୦,୦୦୦/- (ଜାତୀୟ ସ୍ତରୀୟ ହସ୍ତଶିଳ୍ପ ପୁରସ୍କାର ପ୍ରାପ୍ତ) ଓ ଟ.୨୫,୦୦୦/- (ରାଜ୍ୟ ସ୍ତରୀୟ ହସ୍ତଶିଳ୍ପ ପୁରସ୍କାର ପ୍ରାପ୍ତ) ଏବଂ ଶିକ୍ଷାର୍ଥୀଙ୍କ ମାସିକ ବୃତ୍ତି ଟ.୫,୦୦୦/- । ତାଲିମ ଅବଧି: ଗ୍ରୁପ୍ A ହସ୍ତଶିଳ୍ପ – ୬ ମାସ ଓ ଗ୍ରୁପ୍ B ହସ୍ତଶିଳ୍ପ – ୪ ମାସ । |
| | (ଖ) ନିପୁଣ ଶିଳ୍ପୀଙ୍କ ମାଧ୍ୟମରେ ତାଲିମ (MCP Training) | ହସ୍ତଶିଳ୍ପ ନିର୍ଦ୍ଦେଶାଳୟ ଅଧୀନରେ ସୂଚୀଭୁକ୍ତ ହୋଇଥିବା ନିପୁଣ ଶିଳ୍ପୀ (Empaneled MCP) ମାନଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ୧୫ ଜଣ ନୂତନ କାରିଗରଙ୍କୁ ତାଲିମ ପ୍ରଦାନ । ଶିକ୍ଷାର୍ଥୀ ଅନ୍ୟୁନ ଓଡିଆ ଭାଷାରେ ଲେଖା ଏବଂ ପଢା ଜାଣିଥିବେ ଓ ୧୮ ରୁ ୫୦ ବର୍ଷ ବୟସ ମଧ୍ୟରେ ହୋଇଥିବେ । ସେମାନଙ୍କର ହସ୍ତଶିଳ୍ପ ପ୍ରତି ରୁଚି ଏବଂ ଆଗ୍ରହ ଥିବ । ସେମାନେ ହସ୍ତଶିଳ୍ପର ଅନ୍ୟ କୌଣସି ଯୋଜନାରେ ଏହି ପ୍ରକାରର ତାଲିମ ନେଇନଥିବେ । ନିପୁଣ ଶିଳ୍ପୀଙ୍କ ମାସିକ ପାରିତୋଷିକ ଟ.୨୨,୫୦୦/- (ଗ୍ରୁପ୍ A) ଓ ଟ.୨୦,୦୦୦/- (ଗ୍ରୁପ୍ B) ଏବଂ ଶିକ୍ଷାର୍ଥୀଙ୍କ ମାସିକ ବୃତ୍ତି ଟ.୨,୦୦୦/- । ତାଲିମ ଅବଧି: ଗ୍ରୁପ୍ A ହସ୍ତଶିଳ୍ପ – ୧୨ ମାସ ଓ ଗ୍ରୁପ୍ B ହସ୍ତଶିଳ୍ପ – ୬ ମାସ । |
| | (ଗ) ଶିଳ୍ପୀଗ୍ରାମ ଯୋଜନା (CVP Training) | ହସ୍ତଶିଳ୍ପ ପୁଞ୍ଜର କାରିଗରମାନଙ୍କୁ ଆତ୍ମନିଯୁକ୍ତି ସହାୟତା ପ୍ରଦାନ କରିବା ନିମନ୍ତେ ସ୍ୱୟଂ ସହାୟକ ଗୋଷ୍ଠୀ ଗଠନ କରାଯାଇ ସେମାନଙ୍କର ଦକ୍ଷତା ବୃଦ୍ଧି, କାରିଗରୀ କୌଶଳ ଅଭିବୃଦ୍ଧି ତାଲିମ ଓ ଯନ୍ତ୍ରପାତି ଯୋଗାଣ କାର୍ଯ୍ୟକ୍ରମ ପାଇଁ ୨ଗୋଟି ବା ତତୋଧିକ ସ୍ୱୟଂ ସହାୟକ ଗୋଷ୍ଠୀର ଅନ୍ୟୁନ ୩୦ ଜଣ କାରିଗରଙ୍କୁ ବିଚାରକୁ ନିଆଯିବ । ଶିକ୍ଷାର୍ଥୀ ଅନ୍ୟୁନ ଓଡିଆ ଭାଷାରେ ଲେଖା ଏବଂ ପଢା ଜାଣିଥିବେ ଓ ୧୮ ରୁ ୫୦ ବର୍ଷ ବୟସ ମଧ୍ୟରେ ହୋଇଥିବେ । । ପ୍ରଶିକ୍ଷକଙ୍କ ମାସିକ ପାରିତୋଷିକ ଟ.୨୨,୫୦୦/- (ଗ୍ରୁପ୍ |

| | | |
|---|---|---|
| | | A) ଓ ଟ.୨୦,୦୦୦/- (ଗ୍ରୁପ୍ B) ଏବଂ ଶିକ୍ଷାର୍ଥୀଙ୍କ ମାସିକ ବୃତ୍ତି ଟ.୨,୦୦୦/- । ତାଲିମ ଅବଧି: ଗ୍ରୁପ୍ A ହସ୍ତଶିଳ୍ପ – ୧୨ ମାସ ଓ ଗ୍ରୁପ୍ B ହସ୍ତଶିଳ୍ପ – ୬ ମାସ । |
| ୨. | ହସ୍ତଶିଳ୍ପ କାରିଗରଙ୍କ କର୍ମଶାଳା ନିର୍ମାଣ ଯୋଜନା (Construction of Workshed for Handicraft Artisans) | ହସ୍ତଶିଳ୍ପ କାରିଗରମାନଙ୍କୁ ୨୪୦ ବର୍ଗ ଫୁଟର କର୍ମଶାଳା ନିର୍ମାଣ ନିମନ୍ତେ ଟ.୧,୨୦,୦୦୦/- (IAP ଜିଲ୍ଲା ପାଇଁ ଟ.୧,୩୦,୦୦୦/-) ର ଅନୁଦାନ ।ଆବେଦନକାରୀଙ୍କର ନାମ ହସ୍ତଶିଳ୍ପ ସର୍ବେକ୍ଷଣ ତାଲିକାରେ ଥିବ / କାରିଗରଙ୍କ ପରିବାରର କେବଳ ଜଣେ ସଦସ୍ୟ ଏହି ଯୋଜନା ଅଧୀନରେ ଲାଭ ପାଇବାକୁ ଯୋଗ୍ୟ ହେବେ / ପରିବାରର କୌଣସି ସଦସ୍ୟ ସରକାରୀ ଚାକିରୀ କରିନଥିବେ / କାରିଗରଙ୍କ ବାର୍ଷିକ ଆୟ ୧ ଲକ୍ଷ ଟଙ୍କାରୁ ଊର୍ଦ୍ଧ୍ୱ ହୋଇନଥିବ / କାରିଗରଙ୍କ ବାର୍ଷିକ ରୋଜଗାରର ପ୍ରାୟ ୫୦ ପ୍ରତିଶତ ଟଙ୍କା ତାଙ୍କର ହସ୍ତଶିଳ୍ପ ବୃତ୍ତିରୁ ରୋଜଗାର ହେଉଥିବା ଆବଶ୍ୟକ । |
| ୩. | ଶିଳ୍ପୀ ଉନ୍ନତି ଯୋଜନା (Silpi Unnati Yojana) | ୧୮ ରୁ ୬୦ ବର୍ଷ ବୟସ ସୀମା ମଧ୍ୟରେ ପାରମ୍ପରିକ / ତାଲିମ ପ୍ରାପ୍ତ ହସ୍ତଶିଳ୍ପ କାରିଗରମାନଙ୍କର ଉନ୍ନତି ନିମନ୍ତେ ବ୍ୟାଙ୍କ ମାଧ୍ୟମରେ ସର୍ବାଧିକ ଟ.୫୦,୦୦୦/- ଋଣ ପ୍ରଦାନ । କେବଳ ଚାନ୍ଦୁଆ ଶିଳ୍ପ, ପଟ୍ଟଚିତ୍ର ଓ ଟସରଶିଳ୍ପ, କାଠ ଖୋଦେଇ, ପଥର ଖୋଦେଇ, ଆଦିବାସୀ ଅଳଙ୍କାର, କଂସା ଓ ପିତ୍ତଳ ଏବଂ ଢୋକ୍ରା କାମ ପାଇଁ ସର୍ବାଧିକ ଟ.୧,୦୦,୦୦୦/- ଋଣ ପ୍ରଦାନ । ପ୍ରକଳ୍ପ ମୂଲ୍ୟର ୨୦% (ସର୍ବାଧିକ ଟ.୨୦,୦୦୦/-ର) ଆର୍ଥିକ ଅନୁଦାନ ସହାୟତା । |

ବି. ଦ୍ର: ଗ୍ରୁପ୍ A ହସ୍ତଶିଳ୍ପ – ପଟ୍ଟଚିତ୍ର, ତାଳପତ୍ର ଖୋଦେଇ, କାଠ ଖୋଦେଇ, ପଥର ଖୋଦେଇ, ରୂପା ତାରକସି କାମ, କଂସା ଓ ପିତ୍ତଳ କାମ ଏବଂ ଢୋକ୍ରା କାମ ।

ଗ୍ରୁପ୍ B ହସ୍ତଶିଳ୍ପ – ଅନୁମୋଦିତ ଅନ୍ୟାନ୍ୟ ୪୪ ଗୋଟି ହସ୍ତଶିଳ୍ପ ।

ଉପରୋକ୍ତ ସମସ୍ତ ଯୋଜନା ଗୁଡିକର ସବିଶେଷ ତଥ୍ୟ ସମ୍ପୃକ୍ତ ଜିଲ୍ଲା ହସ୍ତଶିଳ୍ପ କାର୍ଯ୍ୟାଳୟ ରେ ଉପଲବ୍ଧ । ଆଗ୍ରହୀ ହସ୍ତଶିଳ୍ପ କାରିଗରମାନଙ୍କୁ ଅନୁରୋଧ ସେମାନେ ଉପରୋକ୍ତ ଯୋଜନା ଗୁଡିକରେ ସହାୟତା ପାଇଁ ଅନଲାଇନ୍ ମାଧ୍ୟମରେ https://crafts.odisha.gov.in/ ୱେବସାଇଟ ପରିଦର୍ଶନ କରି Apply Online ଉପରେ Click କରି https://spdp.odisha.gov.in/ ରେ ପ୍ରବେଶ କରିବା ପରେ ଆବେଦନ କରିବାକୁ ଚାହୁଁଥିବା ଯୋଜନାରେ Apply Now ଉପରେ Click କରି ଆବେଦନ କରିପାରିବେ । ଆବେଦନ କରିବାର ଅନ୍ତିମ ତାରିଖ **୩୦.୦୯.୨୦୨୪** । ଏଥି ସମ୍ବନ୍ଧୀୟ ବିଶେଷ ତଥ୍ୟ ପାଇଁ ସମ୍ପୃକ୍ତ ଉପ ନିର୍ଦ୍ଦେଶକ (ହସ୍ତଶିଳ୍ପ) / ସହକାରୀ ନିର୍ଦ୍ଦେଶକ (ହସ୍ତଶିଳ୍ପ) / ହସ୍ତଶିଳ୍ପ ବିକାଶ ଅଧିକାରୀ ତଥା ଏହି ନିର୍ଦ୍ଦେଶାଳୟର ନିଶୁଳ୍କ ଟେଲିଫୋନ ସେବା-**୧୮୦୦ ୩୪୫ ୭୮୫୦** ରେ ଯୋଗାଯୋଗ କରିବାକୁ ଅନୁରୋଧ । ଆବଶ୍ୟକ ସ୍ଥଳେ ଓଡ଼ିଶା ସରକାର ଉପରୋକ୍ତ ନିୟମାବଳୀର ପରିବର୍ତ୍ତନ କରିପାରିବେ ।

**ସ୍ୱା**
**ନିର୍ଦ୍ଦେଶିକା**
**ହସ୍ତଶିଳ୍ପ ନିର୍ଦ୍ଦେଶାଳୟ, ଓଡ଼ିଶା**